# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 18 January - 2025

# ସିଙ୍ଗାପୁର ରାଷ୍ଟ୍ରପତିଙ୍କ ଓଡ଼ିଶା ଗସ୍ତ

ସିଙ୍ଗାପୁର ରାଷ୍ଟ୍ରପତି ଥର୍ମନ ଶନ୍ମୁଗ୍ ରତ୍ନମ ଆଜି ଓଡ଼ିଶା ଗସ୍ତର ଦ୍ୱିତୀୟ ଦିନରେ ପୁରୀ ଜିଲ୍ଲାର ରଘୁରାଜପୁର ଐତିହ୍ୟ ଗ୍ରାମ ଏବଂ ଅର୍କକ୍ଷେତ୍ର କୋଣାର୍କ ମନ୍ଦିର ପରିଦର୍ଶନ କରିବାର କାର୍ଯ୍ୟକ୍ରମ ରହିଛି। ସେହିପରି ଭୁବନେଶ୍ୱରସ୍ଥିତ ଅନ୍ଧାରୁଆରେ ଥିବା ଭାରତ ବାୟୋଟେକ୍‌ର ଟିକା ପ୍ରସ୍ତୁତ କେନ୍ଦ୍ରକୁ ସିଙ୍ଗାପୁର ରାଷ୍ଟ୍ରପତି ପରିଦର୍ଶନ କରି ଅଧିକାରୀମାନଙ୍କ ସହ ଆଲୋଚନା କରିବେ। ଗତକାଲି ଗସ୍ତର ପ୍ରଥମ ଦିନରେ ରାଜ୍ୟ ସରକାର ଏବଂ ସିଙ୍ଗାପୁରର ବିଭିନ୍ନ ସଂସ୍ଥା ମଧ୍ୟରେ ୮ଟି ବୁଝାମଣାପତ୍ର ସ୍ୱାକ୍ଷରିତ ହୋଇଥିଲା । ଏହି ବୁଝାମଣାପତ୍ର ସ୍ୱାକ୍ଷରିତ ହେବା ଦ୍ୱାରା ସମୃଦ୍ଧ ଓଡ଼ିଶା ଗଠନର ଲକ୍ଷ୍ୟ ହାସଲ ଆହୁରି ସୁଦୃଢ଼ ହେବ। ରାଜ୍ୟରେ ପୁଞ୍ଜିନିବେଶ ବୃଦ୍ଧିପାଇବା ସହ ସହରାଞ୍ଚଳ ଯୋଜନା, ବନ୍ଦର ପରିଚାଳନା, ପଣ୍ୟପରିବହନ, ସବୁଜଶକ୍ତି ଓ ଦକ୍ଷତା ବିକାଶ କ୍ଷେତ୍ରରେ ଅଧିକ ସୁଯୋଗ ସୃଷ୍ଟି ହେବ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି କହିଛନ୍ତି ।

# ଯୌତୁକ-ଉପମୁଖ୍ୟମନ୍ତ୍ରୀ

ଓଡ଼ିଶାକୁ ଯୌତୁକମୁକ୍ତ କରିବା ପାଇଁ ପଦକ୍ଷେପ ଗ୍ରହଣ କରାଯାଉଛି ବୋଲି ଉପମୁଖ୍ୟମନ୍ତ୍ରୀ ପ୍ରଭାତି ପରିଡ଼ା କହିଛନ୍ତି । ଲୋକସେବା ଭବନରେ ଆୟୋଜିତ ଯୌତୁକ ନିଷିଦ୍ଧ ଆଇନ୍ ନେଇ ଉପଜିଲ୍ଲାପାଳ ମାନଙ୍କ

ସମ୍ମିଳନୀରେ ଯୋଗଦେଇ ଶ୍ରୀମତି ପରିଡ଼ା କହିଛନ୍ତି ଯୌତୁକ ନିଷେଧ ଆଇନ୍‌କୁ କଡ଼ାକଡି ଭାବେ କାର୍ଯ୍ୟକାରୀ କରିବା ଏବଂ ଆଇନ୍‌ର ଦୂରୁପଯୋଗକୁ ରୋକିବାରେ ଉପଜିଲ୍ଲାପାଳମାନଙ୍କ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି । ଉପମୁଖ୍ୟମନ୍ତ୍ରୀ ଯୌତୁକ ବିରୁଦ୍ଧରେ ଡିଜିଟାଲ ମାଧ୍ୟମରେ ସଚେତନତା ସୃଷ୍ଟି ପାଇଁ ଉପଜିଲ୍ଲାପାଳମାନଙ୍କୁ ପରାମର୍ଶ ଦେଇଥିଲେ ।

# ମୁଖ୍ୟ ବିଚାରପତିଙ୍କ ଅବସର

ଓଡ଼ିଶା ହାଇକୋର୍ଟର ମୁଖ୍ୟ ବିଚାରପତି ଜଷ୍ଟିସ ଚକ୍ରଧାରୀ ଶରଣ ସିଂହ ଆସନ୍ତାକାଲି ଅବସର ଗ୍ରହଣ କରିବେ । ହାଇକୋର୍ଟର ବିଚାରପତି ଜଷ୍ଟିସ ଅରିନ୍ଦମ ସିହ୍ନା ଆସନ୍ତା ୨୦ ତାରିଖରୁ କାର୍ଯ୍ୟକାରୀ ମୁଖ୍ୟ ବିଚାରପତି ଭାବେ ଦାୟିତ୍ୱ ନିର୍ବାହ କରିବେ । ରାଷ୍ଟ୍ରପତିଙ୍କ ଅନୁମୋଦନ ପରେ କେନ୍ଦ୍ର ଆଇନ୍ ଓ ନ୍ୟାୟ ମନ୍ତ୍ରଣାଳୟ ପକ୍ଷରୁ ଏନେଇ ବିଜ୍ଞପ୍ତି ପ୍ରକାଶ ପାଇଛି ।

## ମନ୍ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତାକାଲି ଆକାଶବାଣୀର ମନ୍ କି ବାତ୍ କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ ଭାବ ବିନିମୟ କରିବେ। ଏହା ପ୍ରଧାନମନ୍ତ୍ରୀଙ୍କ ମନ୍ କୀ ବାତ୍‌ର ୧୧୮ତମ ସଂସ୍କରଣ ହେବ। ମନ୍ କି ବାତ୍ କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ କେନ୍ଦ୍ର, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଉପଲବ୍ଧ ହେବ।

# ଧାନସଂଗ୍ରହ ପ୍ରକ୍ରିୟା

ରାଜ୍ୟରେ ଧାନସଂଗ୍ରହ ପ୍ରକ୍ରିୟା ଜାରିରହିଛି । ଧାନକିଣା ପ୍ରକ୍ରିୟାରେ ସ୍ୱଚ୍ଛତା ଆଣିବା ପାଇଁ ବ୍ୟାପକ ସଚେତନତା ସୃଷ୍ଟି କରାଯିବା ସହ ସମସ୍ତ ଜିଲ୍ଲାରେ ୨୧୭ଟି ଏନ୍‌ଫୋର୍ସମେଣ୍ଟ ଟିମ୍ ମୁତୟନ ହୋଇଛନ୍ତି । ଏହି ଟିମ୍ ସୀମାବର୍ତ୍ତୀ ରାଜ୍ୟରୁ ଧାନ ନେଇ ଆସୁଥିବା ଗାଡ଼ିଗୁଡ଼ିକ ଉପରେ ତୀକ୍ଷ୍ଣ ନଜର ରଖୁଛନ୍ତି । ଅନିୟମିତତାର କୌଣସି ଅଭିଯୋଗ ଆସିଲେ ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଏନ୍‌ଫୋର୍ସମେଣ୍ଟ ଟିମ୍‌କୁ କ୍ଷମତା ପ୍ରଦାନ କରାଯାଇଥିବା ଖାଦ୍ୟଯୋଗାଣ ବିଭାଗ ପକ୍ଷରୁ କୁହାଯାଇଛି ।

# ପ୍ରଧାନମନ୍ତ୍ରୀ ଆବାସ ଯୋଜନା

ରାଜ୍ୟରେ ଆସନ୍ତା ୨୨ ତାରିଖରୁ ପ୍ରଧାନମନ୍ତ୍ରୀ ଆବାସ ଗ୍ରାମୀଣ ଯୋଜନା ପାଇଁ ସର୍ବେକ୍ଷଣ ଆରମ୍ଭ ହେବ । ସର୍ବେକ୍ଷଣରୁ ଆବାସ ଯୋଜନାରୁ ବାଦ୍ ପଡିଥିବା ଯୋଗ୍ୟ ହିତାଧିକାରୀଙ୍କୁ ଚିହ୍ନଟ କରାଯିବ । ଏନେଇ ପଞ୍ଚାୟତିରାଜ ବିଭାଗ ପକ୍ଷରୁ ସମସ୍ତ ଜିଲ୍ଲାପାଳ ଓ ଜିଲ୍ଲା ପରିଷଦ କାର୍ଯ୍ୟନିର୍ବାହୀ ଅଧିକାରୀଙ୍କୁ ପତ୍ର ଲେଖାଯାଇଛି । ଏହି ପ୍ରକ୍ରିୟା ଆସନ୍ତା ମାର୍ଚ୍ଚ ୩୧ ତାରିଖ ପର୍ଯ୍ୟନ୍ତ ଚାଲିବ ।

## ପକ୍ଷୀଗଣନା-ଚିଲିକା-ଭିତରକନିକା

ରାଜ୍ୟର ବିଭିନ୍ନ ସ୍ଥାନରେ ଆଜି ପକ୍ଷୀଗଣନା ହେଉଛି । ଚିଲିକା ବନ୍ୟପ୍ରାଣୀ ବନଖଣ୍ଡରେ ଆଜି ପକ୍ଷୀଗଣନା ପାଇଁ ୨୧ଟି ଦଳ ଗଠନ କରାଯାଇଛି ।

**ଭିତରକନିକା** ଜାତୀୟ ଉଦ୍ୟାନର ରାଜନଗର ବନଖଣ୍ଡରେ କନିକା, ଗହୀରମଥା, ମହାକାଳପଡା ଓ କୁଜଙ୍ଗ ଅଞ୍ଚଳର ୫ଟି ରେଞ୍ଜ୍‌ରେ ପକ୍ଷୀଗଣନା ହେଉଛି ।

**ହୀରାକୁଦ** ଜଳଭଣ୍ଡାରରେ ମଧ୍ଯ ଆଜି ପକ୍ଷୀଗଣନା ହେଉଛି । ହୀରାକୁଦ ବନ୍ୟପ୍ରାଣୀ ଡିଭିଜନ ପକ୍ଷରୁ ଜଳଭଣ୍ଡାରର ୫୩୩ ବର୍ଗକିଲୋମିଟର ଓ ପାୱାରକେନାଲର ୫ ଦଶମିକ ୭ ବର୍ଗକିଲୋମିଟର ଅଞ୍ଚଳରେ ପକ୍ଷୀଗଣନା କରାଯାଉଛି ।

ଏ ସମ୍ପର୍କରେ ହୀରାକୁଦ ବନ୍ୟପ୍ରାଣୀ ଡିଭିଜନର ଡିଏଫ୍‌ଓ ଅଂଶୁପ୍ରଜ୍ଞା ଦାସ କହିଛନ୍ତି...

# V/o-

# ପରାମର୍ଶ କର୍ମଶାଳା

ଭୁବନେଶ୍ୱର ଲୋକସେବା ଭବନରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ ସରକାରୀ କର୍ମଚାରୀଙ୍କ ଦକ୍ଷତା ବୃଦ୍ଧି ପାଇଁ ପରାମର୍ଶ କର୍ମଶାଳା ଅନୁଷ୍ଠିତ ହୋଇଛି । ଏଥିରେ ମିଶନ କର୍ମଯୋଗୀରେ ପୁଲିସ କର୍ମଚାରୀ ଓ ଶିକ୍ଷକମାନଙ୍କ ଆବଶ୍ୟକତା ଅନୁଯାୟୀ ପାଠ୍ୟକ୍ରମ ପ୍ରସ୍ତୁତି ନେଇ ଆଲୋଚନା ହୋଇଥିଲା ।

# ଶୀତ

ରାଜ୍ୟରେ ଶୀତ ଲହରୀ ଜାରି ରହିଛି । ଆସନ୍ତା ୩ରୁ ୪ ଦିନ ମଧ୍ୟରେ ତାପମାତ୍ରା ଆହୁରି ହ୍ରାସ ପାଇବ ବୋଲି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ

ବିଜ୍ଞାନ କେନ୍ଦ୍ର ପକ୍ଷରୁ ଅନୁମାନ କରାଯାଇଛି । ଆସନ୍ତା ୩ ଦିନ ଘନ କୁହୁଡି ହେବା ନେଇ ୪ଟି ଜିଲ୍ଲା ପାଇଁ ସତର୍କ ସୂଚନା ଜାରି କରାଯାଇଛି ।